# ଆଜି ଅନୁଗୋଳ ଜିଲ୍ଲାରୁ ୬ଜଣ କରୋନା ପଜିଟିଭ ଚିହ୍ନଟ ।

ପଜିଟିଭ ସଂଖ୍ୟା ୪୪୪୭ରେ ପହଞ୍ଚିଲା - ସୁସ୍ଥ ହେଲେ ୩ଜଣ ।

ଅନୁଗୋଳ, ତା.୩୦.୧୦:- ଆଜି ଅନୁଗୋଳ ଜିଲ୍ଲାରେ ୬ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ୬ଜଣ ଆକ୍ରାନ୍ତଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ୨ ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୩୯୩ ଜଣ ମୃତ୍ୟୁବରଣ କଲେଣି । ଆଜି ସୁଦ୍ଧା ୧୦ଲକ୍ଷ ୭୭ହଜାର ୩୩୪ ଜଣଙ୍କୁ ଟିକା ଦିଆଗଲାଣି ।